ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

# ଶହୀଦ୍ ମନୋଜ କୁମାର ବେହେରାଙ୍କ ପ୍ରତିମୂର୍ତ୍ତି ଉନ୍ମୋଚିତ

ଭୁବନେଶ୍ୱର, ୧୪ ଫେବୃଆରୀ ୨୦୨୦

ଆଜି ଶହୀଦ ମନୋଜ କୁମାର ବେହେରାଙ୍କର ପ୍ରତିମୂର୍ତ୍ତି ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ପରିସରରେ ଉନ୍ମୋଚିତ ହୋଇଯାଇଛି । ଏହାକୁ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଶ୍ରୀ ସମୀର ରଞ୍ଜନ ଦାଶ ଉନ୍ମୋଚନ କରିଥିଲେ ଏବଂ ତାଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ । ଏହି ଅବସରରେ ସିଆର୍‌ପିଏଫ୍ ଡିଆଇଜି ଶ୍ରୀ ରାମଚରିତ ଉପସ୍ଥିତ ଥିଲେ ।

ସ୍ୱର୍ଗତ ମନୋଜ କୁମାର ବେହେରା ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ପୂର୍ବତନ ଛାତ୍ର ଥିଲେ । ସ୍ୱର୍ଗତ ବେହେରା ପୁଲଓ୍ୱାମା ଆତଙ୍କବାଦୀ ଆକ୍ରମଣରେ ଆଜିକୁ ଏକ ବର୍ଷ ତଳେ ଶହୀଦ ହୋଇଥିଲେ । ତାଙ୍କ ପ୍ରତିମୂର୍ତ୍ତି ଉନ୍ମୋଚନ ଅବସରରେ ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀ ରାଜକିଶୋର ରଥଙ୍କ ସମେତ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା ଏବଂ ଛାତ୍ରଛାତ୍ରୀମାନେ ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା<br>ସୂଚନା ଅଧିକାରୀ